ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୬୭ ଜଣ କରୋନା ପଜିଟିଭ ଚିହ୍ନଟ -

**ପଜିଟିଭ ସଂଖ୍ୟା ୧୩୦୦୧ରେ ପହଞ୍ଚିଲା - ସୁସ୍ଥ ହେଲେ ୧୯ ଜଣ ।**

ଅନୁଗୋଳ, ତା.୧୬.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୬୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୬୦ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୦ ଜଣ ( ୧୭ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୧ଜଣ ( ୫ଜଣ ପୁରୁଷ ଓ୬ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) ଓ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ )ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । କରୋନା ସଂକ୍ରମଣ ଦିନକୁ ଦିନ ବୃଦ୍ଧି ପାଉଥିବାରୁ ଆମେ ସଚେତନ ଓ ସତର୍କ ରହିବା ସହିତ ସଠିକ୍ ଭାବରେ ମାସ୍କ ପରିଧାନ,ସାମାଜିକ ଦୂରତା ଅବଲମ୍ବନ ଓ ନିୟମିତ ହାତ ଧୋଇବା ବର୍ତ୍ତମାନ ସମୟର ସବୁଠାରୁ ବଡ ଆବଶ୍ୟକତା ବୋଲି ଜିଲ୍ଲାପାଳ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୯ଜଣ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୬୫ ତା.୧୬.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ